ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/Industry(OD)/673/24-12-2025

# ଶିଳ୍ପମନ୍ତ୍ରୀଙ୍କୁ ଭେଟିଲେ ନ୍ୟୁଜିଲ୍ୟାଣ୍ଡର ବାଣିଜ୍ୟିକ ଦୂତ

ଭୁବନେଶ୍ୱର ୨୪/୧୨/୨୦୨୫:

ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ମନ୍ତ୍ରୀ ଶ୍ରୀ ସମ୍ପଦ ସ୍ୱାଇଁଙ୍କୁ ଲୋକସେବା ଭବନଠାରେ ନ୍ୟୁଜିଲ୍ୟାଣ୍ଡର ଅକଲ୍ୟାଣ୍ଡରେ ଭାରତର ବାଣିଜ୍ୟିକ ଦୂତ ଦାୟିତ୍ୱରେ ରହିଥିବା ଡକ୍ଟର ମଦନ ମୋହନ ସେଠୀ ସୌଜନ୍ୟମୂଳକ ସାକ୍ଷାତ କରିଛନ୍ତି। ଏହି ଅବସରରେ ନ୍ୟୁଜିଲ୍ୟାଣ୍ଡ ଓ ଓଡିଶା ମଧରେ ପ୍ରଯୁକ୍ତି ବିଦ୍ୟାର ଆଦାନ ପ୍ରଦାନ ନେଇ ଆଲୋଚନା ହୋଇଥିଲା। ବିଶ୍ୱବଜାରରେ ଓଡିଶା ଉତ୍ପାଦର ପ୍ରଚାର ପ୍ରସାର ଦିଗରେ ବିଭାଗୀୟ ମନ୍ତ୍ରୀ ଶ୍ରୀ ସ୍ୱାଇଁ ଗୁରୁତ୍ୱ ଆରୋପ କରିଥିଲେ। ନ୍ୟୁଜିଲ୍ୟାଣ୍ଡଠାରେ ରାଜ୍ୟର ହସ୍ତକଳା ପ୍ରଦର୍ଶନୀ ନେଇ ମଧ ମନ୍ତ୍ରୀ ଶ୍ରୀ ସ୍ୱାଇଁ ପ୍ରସ୍ତାବ ରଖିଥିଲେ। ନ୍ୟୁଜିଲ୍ୟାଣ୍ଡର ଦକ୍ଷତା ବିକାଶ, କୃଷି, ଦୁଗ୍ଧ ଜାତୀୟ ଦ୍ରବ୍ୟ ଉତ୍ପାଦନ ଓ ପୁଞ୍ଜିନିବେଶ ନେଇ ବିଭିନ୍ନ ବିଷୟ ଆଲୋଚନାରେ ସ୍ଥାନ ପାଇଥିଲା। ଏଠାରେ ସୂଚନାଯୋଗ୍ୟ ଯେ, ଅକଲ୍ୟାଣ୍ଡରେ ଭାରତର ବାଣିଜ୍ୟିକ ଦୂତ ଦାୟିତ୍ୱରେ ରହିଥିବା ଡକ୍ଟର ମଦନ ମୋହନ ସେଠୀ ଚଳିତ ମାସ 21ତାରିଖରୁ 28ତାରିଖ ପର୍ଯ୍ୟନ୍ତ ଓଡିଶା ଗସ୍ତରେ ରହିଛନ୍ତି।

ପ୍ରିୟଦର୍ଶିନୀ ମହାପାତ୍ର
ଲୋକସମ୍ପର୍କ ଅଧିକାରୀ